# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 16 August– 2026

## ପି.ଏମ୍. – ସ୍ୱାଧୀନତା ଦିବସ

ଆସନ୍ତା ଏକବର୍ଷ ମଧ୍ୟରେ ଦେଶର ଏକ କୋଟି ଯୁବକ-ଯୁବତୀମାନଙ୍କୁ କୃତ୍ରିମ ବୁଦ୍ଧିମତ୍ତା ସମ୍ପର୍କିତ ଦକ୍ଷତାର ପ୍ରଶିକ୍ଷଣ ଦିଆଯିବ ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି । ସ୍ୱାଧୀନତା ଦିବସ ଅବସରରେ ରାଷ୍ଟ୍ରକୁ ସମ୍ବୋଧନ କରି ଶ୍ରୀ ମୋଦୀ କହିଛନ୍ତି, ଦେଶର ଯୁବପିଢି କୃତ୍ରିମ ବୁଦ୍ଧିମତ୍ତା କ୍ଷେତ୍ରରେ ବିଶ୍ୱର ନେତୃତ୍ୱ ନେବାରେ ସକ୍ଷମ ହୋଇପାରିବେ। ପ୍ରଧାନମନ୍ତ୍ରୀ ଏହି ଅବସରରେ ଦେଶରେ ବିଭିନ୍ନ ପରୀକ୍ଷା ପାଇଁ ପ୍ରସ୍ତୁତି କରୁଥିବା ଯୁବବର୍ଗଙ୍କ ପାଇଁ ନିଶୁଳ୍କ ଅନଲାଇନ୍ କୋଚିଂ ସମ୍ପର୍କରେ ମଧ୍ୟ ଘୋଷଣା କରିଛନ୍ତି।

ରାଷ୍ଟ୍ର ନିର୍ମାଣରେ ମହିଳାମାନଙ୍କ ଗୁରୁତ୍ୱପୂର୍ଣ୍ଣ ଭୂମିକାକୁ ଉପଲବ୍ଧି କରି ପ୍ରଧାନମନ୍ତ୍ରୀ କହିଛନ୍ତି, ଦେଶରେ ୩ କୋଟି ଲକ୍ଷପତି ଦିଦି ସୃଷ୍ଟି କରାଯିବା ଧାର୍ଯ୍ୟ ଲକ୍ଷ୍ୟ ପୂର୍ଣ୍ଣ ହୋଇଛି। ବର୍ତ୍ତମାନ ୬ କୋଟି ଲକ୍ଷପତି ଦିଦି ସୃଷ୍ଟି କରାଯିବାର ଲକ୍ଷ୍ୟ ରଖାଯାଇଛି। ଏହା ମାଧ୍ୟମରେ ଗ୍ରାମୀଣ ଅର୍ଥନୀତି ଆହୁରି ସୁଦୃଢ଼ ହେବ ବୋଲି ପ୍ରଧାନମନ୍ତ୍ରୀ ଆଶାବ୍ୟକ୍ତ କରିଛନ୍ତି।

## ମୁଖ୍ୟମନ୍ତ୍ରୀ-ସ୍ୱାଧୀନତା ଦିବସ

ରାଜ୍ୟ ସରକାର ସରକାରୀ ଚାକିରି ପାଇଁ ଆବେଦନ କରୁଥିବା ପ୍ରାର୍ଥୀମାନଙ୍କ ବୟସ ସୀମା ୩୨ବର୍ଷରୁ ୪୨ ବର୍ଷକୁ ବୃଦ୍ଧି କରାଯିବା ପାଇଁ ନିଷ୍ପତ୍ତି ନେଇଛନ୍ତି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗତକାଲି ଏ ସମ୍ପର୍କୀତ ଘୋଷଣା କରି କହିଛନ୍ତି, ଯୁବବର୍ଗଙ୍କୁ ସରକାରୀ ଚାକିରିରେ ଅଧିକ ସୁଯୋଗ ଦେବା ଲାଗି ଏହି ପଦକ୍ଷେପ ନିଆଯାଇଛି । ଏଥିସହିତ ଓଡ଼ିଶା ସିଭିଲ ସର୍ଭିସ ପରୀକ୍ଷା ପାଇଁ ଥିବା ସର୍ବାଧିକ ୬ଟି ସୁଯୋଗକୁ ଉଠାଇ ଦେବା ସହ ୪୨ବର୍ଷ ପର୍ଯ୍ୟନ୍ତ ପରୀକ୍ଷାର୍ଥୀ ସୁଯୋଗ ମିଳିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି, ପୂର୍ବରୁ ବିଦ୍ୟାଳୟଗୁଡ଼ିକରେ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ନିଶୁଳ୍କ ପାଠ୍ୟପୁସ୍ତକ ପ୍ରଦାନ କରାଯାଉଥିବାବେଳେ ବର୍ତ୍ତମାନ ନବମ ଓ ଦଶମ ଶ୍ରେଣୀ ପିଲାଙ୍କୁ ମଧ୍ୟ ନିଶୁଳ୍କ ପାଠ୍ୟପୁସ୍ତକ ଦିଆଯିବ ।

## ବନ୍ୟା

ରାଜ୍ୟରେ ବନ୍ୟା ପରିସ୍ଥିତିର ସ୍ଥାୟୀ ପ୍ରତିକାର ନିମନ୍ତେ ସରକାର ପଦକ୍ଷେପ ଗ୍ରହଣ କରୁଛନ୍ତି ବୋଲି ରାଜସ୍ୱ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି । ସ୍ୱତନ୍ତ୍ର ରିଲିଫ କମିଶନରଙ୍କ କାର୍ଯ୍ୟାଳୟରେ ଗତକାଲି ବନ୍ୟା ପରିସ୍ଥିତି ସମୀକ୍ଷା କରି ଶ୍ରୀ ପୂଜାରୀ କହିଛନ୍ତି,

ଜନସାଧାରଣଙ୍କ ଧନଜୀବନ ସୁରକ୍ଷା ସୁନିଶ୍ଚିତ କରିବା ଦିଗରେ ସରକାର ସମ୍ପୂର୍ଣ୍ଣ ପ୍ରସ୍ତୁତ ଅଛନ୍ତି । ସାମ୍ପ୍ରତିକ ବନ୍ୟା ଯୋଗୁଁ ୬ଟି ଜିଲ୍ଲାର ୨ଲକ୍ଷ ୭୦ହଜାରରୁ ଊର୍ଦ୍ଧ୍ୱ ଲୋକ ପ୍ରଭାବିତ ହୋଇଛନ୍ତି । ଜିଲ୍ଲା ଜରୁରୀକାଳୀନ ପରିଚାଳନା କେନ୍ଦ୍ର ସହ ସମନ୍ୱୟ ରକ୍ଷା କରି ପରିସ୍ଥିତି ଉପରେ ତୀକ୍ଷ୍ଣ ନଜର ରଖାଯାଇଛି । ବର୍ତ୍ତମାନ ସୁଦ୍ଧା ୯୫ହଜାରରୁ ଊର୍ଦ୍ଧ୍ୱ ଲୋକଙ୍କୁ ସ୍ଥାନାନ୍ତର କରାଯାଇ ୨୨୬ଟି ଆଶ୍ରୟସ୍ଥଳୀରେ ରଖାଯାଇଛି । ପ୍ରଭାବିତ ଅଞ୍ଚଳରେ ମାଗଣା ରନ୍ଧାଖାଦ୍ୟ ସହ ରିଲିଫ ସାମଗ୍ରୀ ଯୋଗାଇ ଦିଆଯାଉଛି ବୋଲି ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି । ବୈଠକ ପରେ ଗଣମାଧ୍ୟମକୁ ସୂଚନା ଦେଇ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି, ବାତ୍ୟା, ବନ୍ୟା ଓ ପ୍ରାକୃତିକ ଦୁର୍ବିପାକର ଆଗୁଆ ସୂଚନା ପାଇଁ ଅଧିକ ଡପଲର ରାଡାର ବ୍ୟବସ୍ଥା କରାଯିବ । **V/O**

# ପୋଲିସ ମହାନିର୍ଦ୍ଦେଶକ

ରାଜ୍ୟ ପୋଲିସ ମହାନିର୍ଦ୍ଦେଶକ ଯୋଗେଶ ବାହାଦୂର ଖୁରାନିଆ ଆଜି କାର୍ଯ୍ୟରୁ ଅବସର ନେବେ । ରାଜ୍ୟ ସରକାରଙ୍କର ପୋଲିସ ମହାନିର୍ଦ୍ଦେଶକ ଚୟନ ମାମଲା ସୁପ୍ରିମକୋର୍ଟଙ୍କ ବିଚାରଧୀନ ଥିବାରୁ କ୍ରାଇମବ୍ରାଞ୍ଚ ମହାନିର୍ଦ୍ଦେଶକ ବିନୟତୋଷ ମିଶ୍ରଙ୍କୁ ସରକାର ଅସ୍ଥାୟୀଭାବେ ପୁଲିସ ମହାନିର୍ଦ୍ଦେଶକ ପଦ ତୁଲାଇବା ପାଇଁ ଦାୟିତ୍ୱ ଦେଇଛନ୍ତି । ଶ୍ରୀ ମିଶ୍ର ଆଜି ଦାୟିତ୍ୱ ନେବେ ବୋଲି ଜଣାପଡିଛି ।

# ଜନ ଅଭିଯୋଗ ଶୁଣାଣୀ ବନ୍ଦ

ମୁଖ୍ୟମନ୍ତ୍ରୀଙ୍କ ଜନଅଭିଯୋଗ ଶୁଣାଣୀ ଆସନ୍ତାକାଲି ବନ୍ଦ ରହିବ । ମୁଖ୍ୟମନ୍ତ୍ରୀଙ୍କର କେତେକ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟଥିବାରୁ  ଜନଶୁଣାଣିକୁ ସ୍ଥଗିତ ରଖାଯାଇଛି । ପରବର୍ତ୍ତୀ ଅଭିଯୋଗ ଶୁଣାଣି ଗଣମାଧ୍ୟମ ଦ୍ୱାରା ଜଣାଇଦିଆଯିବ ବୋଲି ସାଧାରଣ ଅଭିଯୋଗ ଓ ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ କୁହାଯାଇଛି ।

# ବନ୍ୟା ସମୀକ୍ଷା ବୈଠକ

ଭଦ୍ରକ ଜିଲ୍ଲା ଧାମନଗର ପଞ୍ଚାୟତ ସମିତି କାର୍ଯ୍ୟାଳୟରେ ବନ୍ୟା ପରିସ୍ଥିତି ସମ୍ପର୍କୀତ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ବୈଠକରେ ଯୋଗଦେଇ ବନ୍ୟା ପ୍ରଭାବିତ ଅଞ୍ଚଳରେ ତୁରନ୍ତ ରିଲିଫ ସାମଗ୍ରୀ, ପାନୀୟଜଳ, ସ୍ୱାସ୍ଥ୍ୟସେବା ସହ ଉଦ୍ଧାର କାର୍ଯ୍ୟକୁ ତ୍ୱରାନ୍ୱିତ କରିବାକୁ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ ।

# ତିରଙ୍ଗା ଶୋଭାଯାତ୍ରା

କେନ୍ଦ୍ରାପଡା ଜିଲ୍ଲା ମାର୍ଶାଘାଇ ବ୍ଲକର କରିଲୋପାଟଣାଠାରେ ତିରଙ୍ଗା ଶୋଭାଯାତ୍ରା ଏବଂ ଦେଶାତ୍ମାବୋଧକ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ସ୍ୱାଧୀନତା ସଂଗ୍ରାମୀମାନଙ୍କ ଅବଦାନକୁ ସମ୍ମାନ ଜଣାଇ

ଶୋଭାଯାତ୍ରା ବିଭିନ୍ନ ବ୍ଲକ ପରିକ୍ରମା କରିଥିଲା । କାର୍ଯ୍ୟକ୍ରମରେ ସାଂସଦ ବୈଜୟନ୍ତ ପଣ୍ଡାଙ୍କ ସମେତ ବିଶିଷ୍ଟ ବ୍ୟକ୍ତିମାନେ ଯୋଗଦେଇ ତିରଙ୍ଗା ଶୋଭାଯାତ୍ରାରେ ସାମିଲ ହୋଇଥିଲେ ।

## ପାଣିପାଗ

ଉତ୍ତରପଶ୍ଚିମ ବଙ୍ଗୋପସାଗର ଉପରେ ଆଉ ଏକ ଘୂର୍ଣ୍ଣିବଳୟ ସକ୍ରିୟ ହୋଇଛି। ଏହା ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଲଘୁଚାପରେ ପରିଣତ ହେବାର ସମ୍ଭାବନା ରହିଛି। ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଘୂର୍ଣ୍ଣିବଳୟର ପ୍ରଭାବରେ ରାଜ୍ୟରେ ବର୍ଷା ଲାଗି ରହିବ। ଏଥିପାଇଁ ସମସ୍ତ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି।

ଅନ୍ୟପକ୍ଷରେ, ଲଗାଣ ବର୍ଷା ଯୋଗୁଁ ବିଭିନ୍ନ ନଦୀର ଜଳସ୍ତର ବୃଦ୍ଧି ପାଇବାରେ ଲାଗିଛି। ବାଲେଶ୍ୱର ସୁବର୍ଣ୍ଣରେଖା ନଦୀର ଜଳସ୍ତର ବିପଦସଂକେତ ଉପରେ ପ୍ରବାହିତ ହେଉଛି।